# ଆସନ୍ତା କାଲିଠୁ ଭୁବନେଶ୍ୱରରେ ଦୁଇ ଦିନିଆ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ

- **ଆସନ୍ତା କାଲି ଅପରାହ୍ନରେ ଗୁରୁତ୍ୱପୂର୍ଣ୍ଣ ରାଜ୍ୟ ପଦାଧିକାରୀ ବୈଠକ**
- **ରବିବାର ରାଜ୍ୟ କାର୍ଯ୍ୟକାରିଣୀ ବୈଠକକୁ ଉଦ୍‌ଘାଟନ କରିବେ କେନ୍ଦ୍ର ବୟନ ଶିଳ୍ପ ମନ୍ତ୍ରୀ ଶ୍ରୀମତୀ ସ୍ମୃତି ଜୁବୀନ ଇରାନୀ**
- **ଉପସ୍ଥିତ ରହିବେ ଦୁଇ କେନ୍ଦ୍ରମନ୍ତ୍ରୀ ଏବଂ ରାଜ୍ୟ ପ୍ରଭାରୀ**

**ଭୁବନେଶ୍ୱର, ତା.୦୫/୧୦:** ଆସନ୍ତା କାଲିଠୁ ଭୁବନେଶ୍ୱରରେ ଦୁଇ ଦିନିଆ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ ଅନୁଷ୍ଠିତ ହେବ । ଆସନ୍ତା କାଲି ଶନିବାର ଅପରାହ୍ନରେ ରାଜ୍ୟ ସଭାପତି ଶ୍ରୀ ବସନ୍ତ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଗୁରୁତ୍ୱପୂର୍ଣ୍ଣ ରାଜ୍ୟ ପଦାଧିକାରୀ ବୈଠକ ଅନୁଷ୍ଠିତ ହେବ । ଏହି ବୈଠକରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ରାଜ୍ୟ ପ୍ରଭାରୀ ଅରୁଣ ସିଂହ, ବିଧାୟକ ଦଳ ନେତା କେ.ଭି.ସିଂହଦେଓଙ୍କ ସମେତ ସମସ୍ତ ରାଜ୍ୟ ପଦାଧିକାରୀ ଯୋଗ ଦେବେ ।

ସେହିପରି ରାଜ୍ୟ ସଭାପତି ଶ୍ରୀ ପଣ୍ଡାଙ୍କ ଅଧ୍ୟକ୍ଷତାରେ ରବିବାର ଦିନ ଅନୁଷ୍ଠିତ ହେବାକୁ ଥିବା ବୈଠକରେ ସମସ୍ତ ରାଜ୍ୟ ପଦାଧିକାରୀ ଏବଂ ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଯୋଗ ଦେବେ । ଏହି ବୈଠକରେ ଦୁଇ କେନ୍ଦ୍ରମନ୍ତ୍ରୀ ଜୁଏଲ ଓରାମ ଓ ଧର୍ମେନ୍ଦ୍ର ପ୍ରଧାନ, ରାଜ୍ୟ ପ୍ରଭାରୀ ଅରୁଣ ସିଂହ, ବିଧାୟକ ଦଳ ନେତା କେ.ଭି.ସିଂହଦେଓଙ୍କ ସମେତ ବହୁ ବରିଷ୍ଠ ନେତୃବୃନ୍ଦ ମଧ୍ୟ ଯୋଗ ଦେବେ । ଏହି ଗୁରୁତ୍ୱପୂର୍ଣ୍ଣ ବୈଠକକୁ ରବିବାର ଦିନ ସକାଳେ କେନ୍ଦ୍ର ବୟନ ଶିଳ୍ପ ମନ୍ତ୍ରୀ ଶ୍ରୀମତୀ ସ୍ମୃତି ଜୁବୀନ ଇରାନୀ ଉଦ୍‌ଘାଟନ କରିବେ ବୋଲି ରାଜ୍ୟ ମୁଖପାତ୍ର ଶ୍ରୀ ଗୋଲକ ପ୍ରସାଦ ମହାପାତ୍ର ସୁଚନା ଦେଇଛନ୍ତି ।

ରାଜ୍ୟରେ ଶାସକ ବିଜେଡିର ଅସହିଷ୍ଣୁତା ଏବଂ ଅପାରଗତା କାରଣରୁ କେନ୍ଦ୍ର ସରକାରଙ୍କ ବିଭିନ୍ନ ଜନ ଓ ଗରୀବକଲ୍ୟାଣ ଯୋଜନାଗୁଡିକ ସରଳ ଓ ଗରୀବ ରାଜ୍ୟବାସୀମାନେ ପାଇବାକୁ ବଂଚିତ ହେଉଛନ୍ତି । ସେହିପରି ରାଜ୍ୟରେ ବିପର୍ଯ୍ୟସ୍ତ ଆଇନ ଶୃଙ୍ଖଳା, ଦିନକୁ ଦିନ ବଢି ଚାଲିଥିବା ମହିଳା ହିଂସା ଓ ଅତ୍ୟାଚାର, ବିପର୍ଯ୍ୟସ୍ତ ଶିକ୍ଷା ଓ ସ୍ୱାସ୍ଥ୍ୟ ବ୍ୟବସ୍ଥା ଭଳି ଆହୁରି ଅନେକ ପ୍ରସଙ୍ଗରେ ଏହି ଦୁଇ ଦିନିଆ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟକାରିଣୀରେ ଆଲୋଚନା କରାଯିବା ସହ ଭବିଷ୍ୟତ କାର୍ଯ୍ୟପନ୍ଥା ନିର୍ଦ୍ଧାରଣ କରାଯିବ ବୋଲି ଶ୍ରୀ ମହାପାତ୍ର ସୁଚନା ଦେଇଛନ୍ତି ।

**(ବିଜେପି ମିଡିଆ ସେଲ୍)**